# The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 1780 CUTTACK, WEDNESDAY, DECEMBER 15, 2004 / MARGASIRA 24, 1926**


## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 4 ଡିସେମ୍ବର 2004

ସଂଖ୍ୟା 47658–ଏଲ୍.ଏ.-55/2003-ରାୟଗଡା-ରା.--ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ସାନମୁଲିଗାଁ କ୍ଷୁଦ୍ର ଜଳସେଚନ ପ୍ରକଳ୍ପ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ସୋରିଷପଦର, ଥାନା ଗୁଣୁପୁର, ଜିଲ୍ଲା ରାୟଗଡାରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 6.70 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍ର 4 (1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 53588-ରା., ତାରିଖ 13 ନଭେମ୍ବର 2003 ଓ ରାଜପତ୍ର ସଂଖ୍ୟା 1773, ତାରିଖ 20 ନଭେମ୍ବର 2003 ରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମାର ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ରାୟଗଡା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଭୂ-ଅର୍ଜନ ଉପ ବିଭାଗରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ


Printed and Published by the Director of Printing, Stationery and Publication, Orissa, Cuttack-10

Ex. Gaz. 1255–206+20